# କୃଷି ସୂଚନା ସେବା (ଧାନ)

## ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

**ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ**

### ୨୦୨୧ ମସିହା ଫେବୃୟାରୀ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା :

**(୧) ରୁଆ ଧାନ**

**ତଳିଘେରା :**

- ଯଦି ଉକୁଣିଆ ପୋକ ଦେଖାଯାଏ, ତେବେ ଏକର ପ୍ରତି ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. କିମ୍ବା ଲାମ୍ବଡା ସାଇହାଲୋଥ୍ରିନ୍ ୫% ଇ.ସି. ୨୦୦ ମି.ଲି. କିମ୍ବା ଥାଇମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।
- ଧାନ ତଳିରେ ପତ୍ରପୋଡା ରୋଗ ଦେଖାଗଲେ କାର୍ବାଣ୍ଡେଜିମ୍ ୨ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୧ ମି.ଲି.୧ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

**ମୁଖ୍ୟ ଜମିରେ ତଳିରୁଆ ବାକିଥିଲେ**

- ରୁଆ ବାକିଥିବା ଡାଲୁଅ ଜମିରେ ରୋପଣ କାର୍ଯ୍ୟ ଶେଷ କରିଦିଅନ୍ତୁ ।
- ଧାନ ତଳିକୁ ବୁଦା ପ୍ରତି ୩ ରୁ ୪ ଟି ହିସାବରେ ୧୫ X ୧୫ ସେ.ମି. ବ୍ୟବଧାନରେ ସିଧାଭାବରେ ଓ ଅଳ୍ପ ଗଭୀରରେ ରୋଇବା ଉଚିତ୍ ।
- ପତ୍ରପୋଡା ରୋଗ ପ୍ରାର୍ଦୁଭାବ ଅଞ୍ଚଳରେ ତଳି ମୂଳକୁ ୦.୧% ପ୍ଲାଣ୍ଟୋମାଇସିନ୍ ଦ୍ରବଣରେ ୩୦ ମିନିଟ୍ ପର୍ଯ୍ୟନ୍ତ ବୁଡାଇ ରୋପଣ କରନ୍ତୁ ।
- (ଡି.ଏ.ପି. ୪୪ କି.ଗ୍ରା. + ଏମ.ଓ.ପି. ୨୨ କି.ଗ୍ରା.) **କିମ୍ବା** (ୟୁରିଆ ୨୨ କି.ଗ୍ରା.+ଏସ୍.ଏସ୍.ପି. ୧୨୫ କି.ଗ୍ରା. + ଏମ୍.ଓ.ପି. ୨୨ କି.ଗ୍ରା.) ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ବ୍ୟବହାର କରନ୍ତୁ ।

**ମୁଖ୍ୟ ଜମିରେ ତଳିରୁଆ ସରିଯାଇଥିଲେ**

- ରୁଆ ଧାନରେ ବାଲୁଙ୍ଗା ଦମନ ପାଇଁ ବେନ୍‌ସଲଫ୍ୟୁରାନ୍ ମିଥାଇଲ୍ ସହିତ ପ୍ରେଟିଲାକ୍ଲୋର (ଲୋଣ୍ଡାକ୍ସ ପାଓ୍ୱାର / ଇରେଜ୍ ଷ୍ଟ୍ରଙ୍ଗ୍) ପ୍ରତି ଏକର ପିଛା ୪ କି.ଗ୍ରା. ହିସାବରେ ରୋଇବାର ୫-୮ ଦିନ ପରେ ପ୍ରୟୋଗ କରନ୍ତୁ । ଏହା ଦାନାଦାର ହୋଇଥିବାରୁ ଏହା ସହିତ ପ୍ରତି ଏକର ପିଛା ୪ କି.ଗ୍ରା. ବାଲି ମିଶାଇ ବିଲରେ ସମାନ କରି ପ୍ରୟୋଗ କରନ୍ତୁ **କିମ୍ବା** ଧାନ ରୋଇବାର ୩ ରୁ ୫ ଦିନ ରେ ପାଇରାଜୋସଲଫ୍ୟୁରାନ୍-ଇଥାଇଲ ୧୦ ଡବ୍ଲ୍ୟୁ.ପି. (ସାଥି) ଏକର ପିଛା ୮୦ ଗ୍ରାମ୍ ପ୍ରୟୋଗ କରନ୍ତୁ ନତୁବା ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୪୦ ଲିଟର ପାଣିରେ ମିଶାଇ ଧାନ ରୋଇବାର ୧୦ ରୁ ୧୨ ଦିନ ପରେ ଅର୍ଥାତ୍ ଘାସ ୨ ରୁ ୩ ପତ୍ର ହୋଇଥିବା ଅବସ୍ଥାରେ ସିଞ୍ଚନ କରନ୍ତୁ ।
- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ପାଇଁ ଏକର ପ୍ରତି ୩ ଗୋଟି ଯୌନ ସମେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ପୁରୁଷ ପ୍ରଜାପତି ପଡିବେ, ତେବେ ଏକର ପିଛା ନିମ୍ନ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୪% ଜି.ଆର୍ ୪ କେ.ଜି **କିମ୍ବା** କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

- ଯଦି ବକାନି ରୋଗ ଦେଖାଯାଏ ତେବେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୧ ଗ୍ରା. ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ଏବଂ ୭ ରୁ ୧୦ ଦିନ ବ୍ୟବଧାନରେ ଦ୍ୱିତୀୟ ବାର ପ୍ରୟୋଗ କରନ୍ତୁ ।

**ରୁଆ ସରିଯାଇଥିବା ଧାନବିଲରେ**

- ସକ୍ରିୟ ପିଲ ଅବସ୍ଥାରେ (ତଳି ରୁଆର ୨୦ ରୁ ୨୫ ଦିନ ପରେ) ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ପ୍ରଥମ ମୂଳସାର ଭାବରେ ପ୍ରୟୋଗ କରନ୍ତୁ ।
- ଚାଷୀ ଯଦି କୌଣସି ଘାସ ନିୟନ୍ତ୍ରଣ ଔଷଧ ବ୍ୟବହାର କରିନାହାନ୍ତି ତେବେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋଫୋପ୍-ବ୍ୟୁଟାଇଲ୍ ୫.୧%( ଭିଭାୟା) ୮୦୦ ମି.ଲି. ପ୍ରତି ଏକର ହିସାବରେ ୧୫ ରୁ ୨୦ ଦିନ ପରେ ସିଞ୍ଚନ କରନ୍ତୁ କିମ୍ବା ୨୦ ରୁ ୨୫ ଦିନ ପରେ ହାତରେ ଘାସ ବାଛି ଦିଅନ୍ତୁ ।
- କାଣ୍ଡବିନ୍ଧା ପୋକର ନିରୀକ୍ଷଣ ଜାରି ରଖନ୍ତୁ ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ **କିମ୍ବା** ଏକର ପିଛା କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୪% ଜି.ଆର୍ ୪ କି.ଗ୍ରା.କୁ ୪ କି.ଗ୍ରା. ବାଲି ସହିତ ସମାନ ଭାବରେ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନଟ୍ରାନିଲିପ୍ରୋଲ୍ ୧୮.୫% ଏସ୍.ସି ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ **କିମ୍ବା** ଏକର ପିଛା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା ବ୍ୟବହାର କରନ୍ତୁ ।

**(୨.୨) କାଦୁଅ ବୁଣା ଧାନ**

- ପ୍ରାଥମିକ ଅବସ୍ଥାରେ ଧାନ ଗଛର ସଠିକ୍ ବୃଦ୍ଧି ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ ।
- ଘାସ ନିୟନ୍ତ୍ରଣ ପାଇଁ ବେନ୍‌ସଲଫ୍ୟୁରାନ୍-ମିଥାଇଲ୍ ସହିତ ପ୍ରିଟିଲାକ୍ଲୋର (ଲୋଣ୍ଡାକ୍ସ ପାୱାର/ଇରେଜ ଷ୍ଟ୍ରଙ୍ଗ) ଦାନାଦାର ଏକରକୁ ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲି ସହିତ ମିଶାଇ ଧାନ ବୁଣିବାର ୫-୧୦ ଦିନରେ ପ୍ରୟୋଗ କରନ୍ତୁ **କିମ୍ବା** ଧାନ ବୁଣିବାର ୧୦ ରୁ ୧୨ ଦିନ ରେ ନତୁବା ୨ ରୁ ୩ ପତ୍ର ଘାସ ଥିବା ଅବସ୍ଥାରେ ବିସ୍‌ପାଇରିବାକ୍ ସୋଡିୟମ୍ (ନୋମିନି ଗୋଲ୍ଡ) ୧୨୦ ମି.ଲି. ୧୪୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଏକର ପ୍ରତି ୨୬ କି.ଗ୍ରା. ୟୁରିଆ ପିଲ ବାହାରିବା ସମୟରେ ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ଏକର ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ଏକର ପିଛା ନିମ୍ବମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% କୁ ୮୦୦ ମି.ଲି. **କିମ୍ବା** ଏକର ପିଛା କ୍ଲୋରାନ୍ ଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ୪ କି.ଗ୍ରା. **କିମ୍ବା** କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା.କୁ **୧:୧** ବା ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ **କିମ୍ବା** କ୍ଲୋରାନ୍ ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଯଦି ମହିଷା ରୋଗ ଦେଖାଯାଏ ତେବେ ୧ ଲିଟର ପାଣିରେ କାର୍ବାଣ୍ଡେଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍ **କିମ୍ବା** ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ୦.୪ ଗ୍ରାମ୍ ଏକ ଲିଟର ପାଣି ହିସାବରେ ମିଶାଇ ସିଞ୍ଚନ କରନ୍ତୁ । ଏକର ପ୍ରତି ୨୦୦ ଲିଟର ଦ୍ରବଣ ଆବଶ୍ୟକ ହୋଇଥାଏ ।

******